# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**24 April – 2025**

**News Editor : Itishree Singh Rathaur**

*********************************

## ମୁଖ୍ୟ ସମ୍ବାଦ

- ପହଲଗାମ ଆତଙ୍କବାଦୀ ଆକ୍ରମଣ ଘଟଣା ପରିପ୍ରେକ୍ଷୀରେ ସଂସଦ ଭବନରେ ସର୍ବଦଳୀୟ ବୈଠକ ଜାରି

— ସ୍ଥଳସେନା ମୁଖ୍ୟ ଆସନ୍ତାକାଲି ଜମ୍ମୁ-କଶ୍ମୀରରେ ସୁରକ୍ଷା ବ୍ୟବସ୍ଥାର କରିବେ ସମୀକ୍ଷା

- ପଂଚାୟତିରାଜ ବ୍ୟବସ୍ଥାକୁ ସୁଦୃଢ଼ କରିବା ପାଇଁ ସରକାର ସମସ୍ତ ପଦକ୍ଷେପ ନେଉଛନ୍ତି; ଜାତୀୟ ପଂଚାୟତିରାଜ ଦିବସ ଅବସରରେ କହିଲେ ମୁଖ୍ୟମନ୍ତ୍ରୀ

— ପୁରୀରେ ୩୧୪ଟି ବ୍ଲକ୍‌ସ୍ତରୀୟ ଷ୍ଟାଡିୟମ୍ ନିର୍ମାଣ ପାଇଁ କଲେ ଭିତ୍ତିପ୍ରସ୍ତର ସ୍ଥାପନ

- ଓଡ଼ିଶା ଅକ୍ଷୟଶକ୍ତି ନୀତି ଆଧାରରେ ଏକକ ବାତାୟନ କମିଟି ବୈଠକରେ ୭ଟି ପ୍ରସ୍ତାବକୁ ମଞ୍ଜୁରୀ

ଏବଂ

- ରାଜ୍ୟ ସରକାରଙ୍କ ପକ୍ଷରୁ ଶିମିଳିପାଳକୁ ଜାତୀୟ ଉଦ୍ୟାନ ମାନ୍ୟତା ସମ୍ପର୍କିତ ବିଜ୍ଞପ୍ତି ଜାରି

## ସର୍ବଦଳୀୟ ବୈଠକ

ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ଘଟଣା ପରିପ୍ରେକ୍ଷୀରେ ଆଜି ସଂସଦ ଭବନରେ ସର୍ବଦଳୀୟ ବୈଠକ ଜାରି ରହିଛି । ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ୍ ଶାହ, ବୈଦେଶିକ ବ୍ୟାପାର ମନ୍ତ୍ରୀ ଏସ୍.ଜୟଶଙ୍କର, ପ୍ରତିରକ୍ଷାମନ୍ତ୍ରୀ ରାଜନାଥ ସିଂଙ୍କ ସମେତ ଅନ୍ୟ ଦଳର ବରିଷ୍ଠ ନେତାମାନେ  ବୈଠକରେ ଯୋଗ ଦେଇଛନ୍ତି ।

ଏହା ପୂର୍ବରୁ ସ୍ୱରାଷ୍ଟ୍ରମନ୍ତ୍ରୀ ଏବଂ ବୈଦେଶିକ ବ୍ୟାପାର ମନ୍ତ୍ରୀ ନୂଆଦିଲ୍ଲୀସ୍ଥିତ ରାଷ୍ଟ୍ରପତି ଭବନରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କ ସହ ସାକ୍ଷାତ ଆଲୋଚନା କରିଥିଲେ । ଆତଙ୍କବାଦୀ ଆକ୍ରମଣ ପରେ ଭାରତ ପକ୍ଷରୁ ପାକିସ୍ତାନ ବିରୋଧରେ ନିଆଯାଇଥିବା ଦୃଢ଼ କୂଟନୈତିକ ପଦକ୍ଷେପ ସମ୍ପର୍କରେ ରାଷ୍ଟ୍ରପତିଙ୍କୁ ଅବଗତ କରାଇଥିବା ଜଣାପଡିଛି ।

ସ୍ଥଳସେନା ମୁଖ୍ୟ ଜେନେରାଲ ଉପେନ୍ଦ୍ର ଦ୍ୱିବେଦୀ ଆସନ୍ତାକାଲି ଜମ୍ମୁ-କଶ୍ମୀର ପରିଦର୍ଶନ କରି ସେଠାରେ ସୁରକ୍ଷା ସ୍ଥିତିର ସମୀକ୍ଷା କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

## ପିଏମ୍-ପଞ୍ଚାୟତିରାଜ ଦିବସ

ପହଲଗାମ ଆକ୍ରମଣ ଘଟଣା ପାଇଁ ଦାୟୀ ଆତଙ୍କବାଦୀଙ୍କୁ ଚିହ୍ନଟ କରି ସେମାନଙ୍କୁ କଠୋର ଦଣ୍ଡ ଦିଆଯିବ ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ

କହିଛନ୍ତି। ବିହାରର ମଧୁବନୀ ଜିଲ୍ଲାରେ ଜାତୀୟ ପଞ୍ଚାୟତିରାଜ ଦିବସ ଅବସରରେ ଜନସମାବେଶକୁ ସମ୍ବୋଧିତ କରି ପ୍ରଧାନମନ୍ତ୍ରୀ କହିଛନ୍ତି, ମାନବିକତାରେ ବିଶ୍ୱାସ କରୁଥିବା ପ୍ରତ୍ୟେକ ବ୍ୟକ୍ତି ଭାରତକୁ ଆଜି ସମର୍ଥନ କରୁଛି।

**- V/O- (PM)**

ଅଭିଭାଷଣ ଆରମ୍ଭ କରିବା ପୂର୍ବରୁ ପ୍ରଧାନମନ୍ତ୍ରୀ ଏହି ଘଟଣାରେ ପ୍ରାଣ ହରାଇଥିବା ଲୋକଙ୍କୁ ଶ୍ରଦ୍ଧାଞ୍ଜଳି ଜ୍ଞାପନ  ପୂର୍ବକ କିଛି ସମୟ ନୀରବତା ଅବଲମ୍ବନ କରିଥିଲେ। ଏହି ଅବସରରେ ପ୍ରଧାନମନ୍ତ୍ରୀ ସେଠାରେ କେତେକ ଉନ୍ନୟନମୂଳକ ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ କରିଛନ୍ତି।

# ପ୍ରଶାନ୍ତଙ୍କ ଶେଷକୃତ୍ୟ

ପହଲଗାମ ଆତଙ୍କବାଦୀ ଆକ୍ରମଣରେ ପ୍ରାଣ ହରାଇଥିବା ବାଲେଶ୍ୱର ଜିଲ୍ଲା ସାରଦା ପଞ୍ଚାୟତର ପ୍ରଶାନ୍ତ ଶତପଥୀଙ୍କ  ପରିବାର ବର୍ଗଙ୍କ ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ୨୦ ଲକ୍ଷ ଟଙ୍କାର ସହାୟତାରାଶି ଘୋଷଣା କରିଛନ୍ତି। ଏହାସହ ମୃତକଙ୍କ ପତ୍ନୀଙ୍କୁ ସରକାରୀ ଚାକିରି ଏବଂ ପୁଅର ପାଠପଢ଼ାର ସମସ୍ତ ଖର୍ଚ୍ଚ ରାଜ୍ୟ ସରକାର ବହନ କରିବେ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ମୁଖ୍ୟମନ୍ତ୍ରୀ ଆଜି ଇଶାଣୀ ଗ୍ରାମରେ ପ୍ରଶାନ୍ତଙ୍କ ମର ଶରୀରକୁ ଶେଷ ଦର୍ଶନ କରିବା ସହ ଶେଷକୃତ୍ୟରେ ସାମିଲ ହୋଇ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ।

**ଅକ୍ଷୟ ଶକ୍ତି**

ଓଡ଼ିଶା ଅକ୍ଷୟ ଶକ୍ତି ନୀତି ୨୦୨୨ ଆଧାରରେ ଦଶମ ଏକକ ବାତାୟନ କମିଟି-ଏସ୍‌ଡବ୍ଲୁସିର ବୈଠକ ଶକ୍ତି ବିଭାଗ ପ୍ରମୁଖ ଶାସନ ସଚିବ ବିଶାଲ କୁମାର ଦେବଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଭୁବନେଶ୍ୱରରେ ଅନୁଷ୍ଠିତ ବୈଠକରେ ୧ ହଜାର ୧୯୧ କୋଟି ୪୭ ଲକ୍ଷ ଟଙ୍କାର ୭ଟି ପୁଞ୍ଜିନିବେଶ ପ୍ରସ୍ତାବକୁ ଅନୁମୋଦନ ମିଳିଛି। ୯୫ ଦଶମିକ ୭ ମେଗାୱାଟ୍ କ୍ଷମତାର ୨ଟି ପବନଶକ୍ତି ପ୍ରକଳ୍ପ, ୫୩ ଦଶମିକ ୯/୭ ମେଗାୱାଟ୍ କ୍ଷମତାର ୪ଟି ଭୂମି ଆଧାରିତ ସୌରଶକ୍ତି ପ୍ରକଳ୍ପ ଏବଂ ଶୂନ ଦଶମିକ ୬ ମେଗାୱାଟ୍ କ୍ଷମତାର ବ୍ୟାଟେରୀ ଷ୍ଟୋରେଜ୍ ପ୍ରକଳ୍ପକୁ ମଞ୍ଜୁରୀ ପ୍ରଦାନ କରାଯାଇଛି।

## ପଞ୍ଚାୟତିରାଜ ଦିବସ-ମୁଖ୍ୟମନ୍ତ୍ରୀ

'ବିକଶିତ ଗାଁ, ବିକଶିତ ଓଡ଼ିଶା' ଲକ୍ଷ୍ୟ ପୂରଣ ପାଇଁ ରାଜ୍ୟ ସରକାର ୧୦ ହଜାର କୋଟି ଟଙ୍କାର ପ୍ରକଳ୍ପ ନିର୍ମାଣ କରୁଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ପୁରୀ ତାଳବଣିଆଠାରେ ରାଜ୍ୟସ୍ତରୀୟ ପଞ୍ଚାୟତିରାଜ ଦିବସ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି, ସୁଦୃଢ଼ ପଂଚାୟତ ହିଁ ସମୃଦ୍ଧ ଓଡ଼ିଶାର ଭିତ୍ତିଭୂମି ହୋଇପାରିବ। ଓଡ଼ିଶାର ୮୩ ପ୍ରତିଶତ ଲୋକେ ଗ୍ରାମରେ ବାସ କରନ୍ତି। ଗ୍ରାମର ବିକାଶ ହେଲେ ଦେଶର ବିକାଶ ସମ୍ଭବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ପଞ୍ଚାୟତ ବ୍ୟବସ୍ଥାକୁ ସୁଦୃଢ଼ କରିବା ପାଇଁ ସରକାର ସମସ୍ତ ପ୍ରକାର ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରୁଛନ୍ତି। ଆସନ୍ତା ବର୍ଷ ଶେଷ ସୁଦ୍ଧା ପ୍ରତ୍ୟେକ ଗ୍ରାମକୁ ରାସ୍ତା,

ଲୋକଙ୍କୁ ଘର, ପାନୀୟ ଜଳ ସୁବିଧା ଯୋଗାଇ ଦେବା ପାଇଁ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି ଶ୍ରୀ ମାଝୀ କହିଛନ୍ତି। ୨୦୩୬ ମସିହା ସୁଦ୍ଧା ସମୃଦ୍ଧ ଓଡ଼ିଶା ଗଠନ ଦିଗରେ ସମସ୍ତଙ୍କୁ ଆଗେଇ ଆସିବା ପାଇଁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଆହ୍ୱାନ ଦେଇଛନ୍ତି।

**-V/O-**

ଏହି ଅବସରରେ ମୁଖ୍ୟମନ୍ତ୍ରୀ  ପ୍ରାୟ ୫ ଲକ୍ଷ ହିତାଧିକାରୀଙ୍କୁ ରାସନକାର୍ଡ ବଣ୍ଟନ କରିଛନ୍ତି। ସେହିଭଳି ସୁଭଦ୍ରା ଯୋଜନାର ହିତାଧିକାରୀଙ୍କୁ ଷଷ୍ଠ ପର୍ଯ୍ୟାୟ ଆର୍ଥିକ ସହାୟତା ରାଶି ପ୍ରଦାନ କରାଯାଇଛି।

କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ଇ-ପଞ୍ଚାୟତ ସଭା ପୋର୍ଟାଲ, ପି.ପି.ଏମ୍.ଏସ୍ ପୋର୍ଟାଲର ଶୁଭାରମ୍ଭ ସହ ପଞ୍ଚାୟତ ତଦାରଖ ବ୍ୟବସ୍ଥା, ୩୧୪ଟି ବ୍ଲକସ୍ତରୀୟ ଷ୍ଟାଡିୟମର ଭିତ୍ତିପ୍ରସ୍ତର ସ୍ଥାପନ ଏବଂ ପ୍ରଧାନମନ୍ତ୍ରୀ ସୂର୍ଯ୍ୟଘର ଯୋଜନାରେ ହିତାଧିକାରୀଙ୍କୁ ସବ୍‌ସିଡି ପ୍ରଦାନ ଆଦି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଛନ୍ତି।

## ପଞ୍ଚାୟତିରାଜ ଦିବସ-ଜିଲ୍ଲା

ରାଜ୍ୟର ବିଭିନ୍ନ ସ୍ଥାନରେ ଜାତୀୟ ପଞ୍ଚାୟତିରାଜ ଦିବସ ପାଳିତ ହୋଇଯାଇଛି।

**କେନ୍ଦ୍ରାପଡା** ଜିଲ୍ଲାରେ ଆୟୋଜିତ କାର୍ଯ୍ୟକ୍ରମରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ଆଭାସୀ ମାଧ୍ୟମରେ ଯୋଗଦେଇ ଇ-ପଂଚାୟତ ସଭା ଓ ପିପିଏମ୍ଏସ୍ ପୋର୍ଟାଲର ଉନ୍ମୋଚନ କରିଥିଲେ। ୧୨

ଜଣ ହିତାଧିକାରୀଙ୍କୁ ନୂତନ ରାସନକାର୍ଡ ବଣ୍ଟନ କରିଥିବାବେଳେ ଅନ୍ତ୍ୟୋଦୟ ଯୋଜନାରେ ୪ ଜଣଙ୍କୁ ବାସଗୃହ ନିମନ୍ତେ କାର୍ଯ୍ୟାଦେଶ ବଣ୍ଟନ କରିଛନ୍ତି।

**ନୟାଗଡ଼** ଜିଲ୍ଲା ପ୍ରଶାସନ ପକ୍ଷରୁ ଆୟୋଜିତ କାର୍ଯ୍ୟକ୍ରମରେ ଶିଳ୍ପ, ଦକ୍ଷତାବିକାଶ ଏବଂ ବୈଷୟିକ ଶିକ୍ଷାମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ମୁଖ୍ୟଅତିଥି ଭାବେ ଯୋଗଦେଇ ଗ୍ରାମସଭାର କ୍ଷମତା ବୃଦ୍ଧି କରାଯାଇ ତୃଣମୂଳସ୍ତରରେ ସର୍ବାଙ୍ଗୀନ ଉନ୍ନତି ପାଇଁ ସରକାର ଲକ୍ଷ୍ୟ ରଖିଥିବା କହିଛନ୍ତି।

**ଢେଙ୍କାନାଳ**ରେ ଆୟୋଜିତ ଜିଲ୍ଲାସ୍ତରୀୟ ଉତ୍ସବରେ ଗୃହ ଓ ନଗରଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର ମୁଖ୍ୟଅତିଥିଭାବେ ଯୋଗଦେଇ ପଞ୍ଚାୟତିରାଜ ବ୍ୟବସ୍ଥାକୁ ଅଧିକ କ୍ରିୟାଶୀଳ କରିବାକୁ ପରାମର୍ଶ ଦେଇଥିଲେ।

ଏହାସହ ଗ୍ରାମୀଣ ବିକାଶକୁ ତ୍ୱରାନ୍ୱିତ କରି ଲୋକମାନଙ୍କୁ ସମସ୍ତ ପ୍ରକାର ସେବା ଯୋଗାଇଦେବା ମୂଳ ଲକ୍ଷ୍ୟ ବୋଲି କହିଛନ୍ତି। ଏହି ଅବସରରେ ୧୫ଟି ଅଗ୍ରଣୀ ଗ୍ରାମପଞ୍ଚାୟତକୁ ଆର୍ଥିକ ସହାୟତାରାଶି ପ୍ରଦାନ ସହ ହିତାଧିକାରୀଙ୍କୁ ରାସନକାର୍ଡ ଓ ଆୟୁଷ୍ମାନ କାର୍ଡ ପ୍ରଦାନ କରାଯାଇଥିଲା।

**ସମ୍ବଲପୁର** ଜେଏମ୍‌ୟୁ ପ୍ରେକ୍ଷାଳୟଠାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର ଯୋଗଦେଇ ୨୦୩୬ ମସିହା ସୁଦ୍ଧା ବିକଶିତ ଓଡ଼ିଶା ଗଠନ ପାଇଁ ସରକାରଙ୍କ ଲକ୍ଷ୍ୟ ବୋଲି ମତ ବ୍ୟକ୍ତ କରିଛନ୍ତି। ଏହି ଅବସରରେ ୨୧ ଜଣ ହିତାଧିକାରୀଙ୍କୁ ନୂତନ ରାସନକାର୍ଡ ପ୍ରଦାନ କରାଯାଇଥିଲା।

**ଯାଜପୁର** ଜିଲ୍ଲାପାଳ ପି.ଅନ୍ୱେଷା ରେଡ୍ଡୀ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ ଯୋଗଦେଇ ୫୫ ଜଣ ହିତାଧିକାରୀଙ୍କୁ ରାସନକାର୍ଡ ପ୍ରଦାନ କରିଛନ୍ତି।

## ପଂଚାୟତିରାଜ ଦିବସ-ଜିଲ୍ଲା-୨

**ସୁବର୍ଣ୍ଣପୁର** ଟାଉନ୍‌ହଲ୍‌ଠାରେ ପାଳିତ ଜିଲ୍ଲାସ୍ତରୀୟ ପଂଚାୟତିରାଜ ଦିବସରେ ଜିଲ୍ଲାପାଳ ଅନନ୍ୟା ଦାସ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହି ଦିବସ ପାଳନର ଏକ ଗୌରବମୟ ଇତିହାସ ବିଷୟରେ ଆଲୋଚନା କରିଥିଲେ। ଏହି ଅବସରରେ ଜିଲ୍ଲାର ୬ଟି ବ୍ଲକ୍‌ର ଗ୍ରାମାଞ୍ଚଳ ଲୋକଙ୍କ ପାଇଁ ୮୮ଟି ଜନକଲ୍ୟାଣକାରୀ ପ୍ରକଳ୍ପର ଲୋକାର୍ପଣ କରାଯାଇଥିଲା।

## ଶିମିଳିପାଳ

ଶିମିଳିପାଳକୁ ଦେଶର ୧୦୭ତମ ଜାତୀୟ ଉଦ୍ୟାନର ମାନ୍ୟତା ମିଳିସାରିଛି। ଏହି ପରିପ୍ରେକ୍ଷୀରେ ରାଜ୍ୟ ଜଙ୍ଗଲ, ପରିବେଶ ଓ ଜଳବାୟୁ ବିଭାଗ ପକ୍ଷରୁ ଆଜି ବିଧିବଦ୍ଧ ଭାବେ ଅଧିସୂଚନା ଜାରି କରାଯାଇଛି। ଶିମିଳିପାଳ ଅଭୟାରଣ୍ୟରେ ୮୪୫ ଦଶମିକ ୭/୦ ବର୍ଗକିଲୋମିଟର ଅଂଚଳରେ ବିଭିନ୍ନ ହାତୀ-ବାଘଙ୍କ ସମେତ ୩୦୪ ପ୍ରଜାତିର ପକ୍ଷୀ, ୨୦ ପ୍ରଜାତିର ଉଭୟଚର ପ୍ରାଣୀ, ୬୨ ପ୍ରଜାତିର ସରିସୃପ ଏବଂ ୧ ହଜାର ୭୬ ବିଭିନ୍ନ ପ୍ରଜାତିର ଫୁଲ ରହିଛି।

## ବିକଶିତ ଗାଁ-ବିକଶିତ ଓଡ଼ିଶା

**ଗଞ୍ଜାମ** ଜିଲ୍ଲା ଛତ୍ରପୁର ବ୍ଲକ୍‌ର ଲଣ୍ଡାବାଉଁଶ କାଳୀମନ୍ଦିରଠାରେ ବିଧାୟକ କୃଷ୍ଣଚନ୍ଦ୍ର ନାୟକ ଯୋଗଦେଇ  ସମ୍ପ୍ରଦାୟ ଓ ସାଂସ୍କୃତିକ କେନ୍ଦ୍ର ନିର୍ମାଣ ପାଇଁ ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ୬ ଲକ୍ଷ ଟଙ୍କା ବ୍ୟୟ ଅଟକଳରେ ନିର୍ମାଣ ହେବାକୁ ଥିବା ଏହି କେନ୍ଦ୍ର ଦ୍ୱାରା ସାଧାରଣ ଜନତା ଉପକୃତ ହେବେ ବୋଲି ଶ୍ରୀ ନାୟକ ଆଶା ବ୍ୟକ୍ତ କରିଛନ୍ତି।

## ରାଷ୍ଟ୍ରୀୟ ଲୋକ ଅଦାଲତ

**କଟକ** ଜିଲ୍ଲା ଆଇନ୍‌ସେବା ପ୍ରାଧିକରଣ ଓ ସମସ୍ତ ତାଲୁକ ଆଇନ୍‌ସେବା କମିଟି ପରିସରରେ ଆସନ୍ତାମାସ ୧୦ ତାରିଖରେ ଦ୍ୱିତୀୟ ରାଷ୍ଟ୍ରୀୟ ଲୋକଅଦାଲତ ଅନୁଷ୍ଠିତ ହେବ। ବହୁସଂଖ୍ୟାରେ ଜନସାଧାରଣ ଏହି ଲୋକ ଅଦାଲତର ସୁଯୋଗ ନେବାକୁ ଅନୁରୋଧ କରାଯାଇଛି। ଏହି ରାଷ୍ଟ୍ରୀୟ ଲୋକଅଦାଲତରେ ପ୍ରାୟ ସମସ୍ତ ପ୍ରକାରର ପ୍ରାକ୍ ବିଚାରାଧିନ ମକଦ୍ଦମା, ମୋଟର ଦୁର୍ଘଟଣା, ଜମି ଅଧିଗ୍ରହଣ, ପାରିବାରିକ ସମସ୍ୟା, ଚେକ୍ ବାଉନ୍ସ ମାମଲା ଆଦିର ଆପୋଷ ସହମତିରେ ସମାଧାନ କରାଯିବ। ଅଧିକ ସୂଚନା ପାଇଁ ଜନସାଧାରଣ ଜିଲ୍ଲା ବା ତାଲୁକସ୍ତରୀୟ ଆଇନ୍‌ସେବା କାର୍ଯ୍ୟାଳୟ କିମ୍ବା ୦୬୭୧-୨୩୬୮୩୮୩ ନମ୍ବରରେ ମଧ୍ୟ ଯୋଗାଯୋଗ କରିବାକୁ କଟକ ଜିଲ୍ଲା ଆଇନ୍‌ସେବା ପ୍ରାଧିକରଣ ପକ୍ଷରୁ ସୂଚନା ଦିଆଯାଇଛି।

## ପାଣିପାଗ

ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ ଘଣ୍ଟା ମଧ୍ୟରେ ପ୍ରବଳ ଗ୍ରୀଷ୍ମପ୍ରବାହ ହେବା ନେଇ

ଝାରସୁଗୁଡ଼ା, ବୌଦ୍ଧ, ବଲାଙ୍ଗିର, ସୁନ୍ଦରଗଡ଼, ସମ୍ବଲପୁର ଓ ସୁବର୍ଣ୍ଣପୁର ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇଛି। ପାଣିପାଗ କେନ୍ଦ୍ର ପକ୍ଷରୁ ଆଜି ୧୬ଟି ସ୍ଥାନର ତାପମାତ୍ରା ୪୦ ଡିଗ୍ରୀ ସେଲସିୟସ୍ ଉପରେ ରେକର୍ଡ ହୋଇଛି। ଝାରସୁଗୁଡ଼ାଠାରେ ଦିନର ସର୍ବୋଚ୍ଚ ତାପମାତ୍ରା ୪୫ ଦଶମିକ ୨ ଡିଗ୍ରୀ ସେଲସିୟସ୍ ରହିଥିବାବେଳେ ବୌଦ୍ଧ ଜିଲ୍ଲାରେ ତାପମାତ୍ରା ୪୪ ଦଶମିକ ୬ ଡିଗ୍ରୀ ସେଲସିୟସ୍ ରେକର୍ଡ କରାଯାଇଛି।